**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**20 April – 2026**

---

## ଅକ୍ଷୟ ତୃତୀୟା/ସିଏମ୍ କିଷାନ

ଆଜି ପବିତ୍ର ଅକ୍ଷୟ ତୃତୀୟା । ବୈଶାଖ ମାସ ଶୁକ୍ଳପକ୍ଷ ତୃତୀୟ ତିଥିକୁ ଶୁଭଦିନ ଭାବେ ଗଣନା କରାଯାଇ ଆଜି ଭିନ୍ନ ଭିନ୍ନ ଶୁଭକାର୍ଯ୍ୟର ଆରମ୍ଭ କରାଯାଇଥାଏ । କୃଷିଭିତ୍ତିକ ଏହି ପର୍ବରେ ଚାଷୀମାନେ ଅକ୍ଷିମୁଠି ଅନୁକୂଳ କରିଥାନ୍ତି ।

ଏହି ଅବସରରେ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କଟକ ବିଦ୍ୟାଧରପୁରସ୍ଥିତ କେନ୍ଦ୍ରୀୟ ଧାନ ଗବେଷଣା କେନ୍ଦ୍ରଠାରେ ଅକ୍ଷିମୁଠି ଅନୁକୂଳ କରିବେ । ରାଜ୍ୟସ୍ତରୀୟ କୃଷକ ଦିବସ କାର୍ଯ୍ୟକ୍ରମରେ ଯୋଗଦେବା ସହ ମୁଖ୍ୟମନ୍ତ୍ରୀ ସିଏମ୍ କିଷାନ ଯୋଜନା ଅଧୀନରେ ହିତାଧିକାରୀଙ୍କୁ ଏହି ଅବସରରେ ସହାୟତା ରାଶି ପ୍ରଦାନ କରିବେ ।

## ରଥ ନିର୍ମାଣ କାର୍ଯ୍ୟ

ଅକ୍ଷୟ ତୃତୀୟା ଅବସରରେ ପୁରୀ ରଥଯାତ୍ରା ପାଇଁ ଆଜି ତିନି ରଥର ନିର୍ମାଣକାର୍ଯ୍ୟ ଆରମ୍ଭ ହେବ । ଆଜିଠାରୁ ମଧ୍ୟ ୨୧ଦିନ ବ୍ୟାପୀ ଶ୍ରୀଜୀଉଙ୍କର ବାହାର ଚନ୍ଦନ ଯାତ୍ରା ନରେନ୍ଦ୍ର ପୁଷ୍କରିଣୀଠାରେ ଅନୁଷ୍ଠିତ

ହେବ । ପୁଷ୍କରିଣୀରେ ସୁସଜ୍ଜିତ ଚାପ ଡଙ୍ଗା ନନ୍ଦା ଓ ଭଦ୍ରାରେ ଠାକୁର ବିରାଜମାନ କରି ନୌକା ବିହାର କରିବେ । ଏଥିପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ନୀତି ନିର୍ଘଣ୍ଟ ପ୍ରସ୍ତୁତ ହୋଇଛି ।

## ମୁଖ୍ୟମନ୍ତ୍ରୀ-ବିଦ୍ୟାଳୟ ପୂର୍ତ୍ତି

ଶିକ୍ଷା ହେଉଛି ଜୀବନ ଗଠନର ଏକ ପ୍ରମୁଖ ମାଧ୍ୟମ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । କଟକ ଜିଲ୍ଲା ସୁନ୍ଦରଗ୍ରାମସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟର ୭୫ବର୍ଷ ପୂର୍ତ୍ତି ପାଳନ ଅବସରରେ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେଇ ଶ୍ରୀ ମାଝୀ ଶିକ୍ଷାକୁ ସର୍ବୋଚ୍ଚ ପ୍ରାଥମିକତା ପ୍ରଦାନ କରାଯିବା ଉପରେ ଗୁରୁତ୍ୱ ଦେଇଛନ୍ତି । ରାଜ୍ୟରେ ୨ହଜାର ୨ଟି ଗୋଦାବରିଶ ଆଦର୍ଶ ବିଦ୍ୟାଳୟ ଖୋଲାଯିବାକୁ ଯୋଜନା ରହିଥିବା ଶ୍ରୀ ମାଝୀ କହିଛନ୍ତି । ଚଳିତ ଆର୍ଥିକ ବର୍ଷର ବଜେଟ୍‌ରେ ଶିକ୍ଷା ଭିତ୍ତିଭୂମି ସୁଦୃଢ଼ କରିବା ଲକ୍ଷ୍ୟରେ ୩୨ହଜାର କୋଟି ଟଙ୍କା ବ୍ୟୟବରାଦ ହୋଇଥିବା ମୁଖ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି । ଏହି ଅବସରରେ ରାଜ୍ୟ ସରକାରଙ୍କ ପକ୍ଷରୁ ଶିକ୍ଷାକ୍ଷେତ୍ର ପାଇଁ ଗ୍ରହଣ କରାଯାଇଥିବା ପଦକ୍ଷେପ ଗୁଡ଼ିକ ଉପରେ ଶ୍ରୀ ମାଝୀ ଆଲୋକପାତ କରିଛନ୍ତି ।

## ଜନ ଅଭିଯୋଗ ଶୁଣାଣି ବନ୍ଦ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଜନ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ଆଜି ବନ୍ଦ ରହିବ। ଶ୍ରୀ ମାଝୀଙ୍କ କେତେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ପରିପ୍ରେକ୍ଷୀରେ ଅଭିଯୋଗ ଶୁଣାଣି ବନ୍ଦ ରହିଥିବା ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ପରବର୍ତ୍ତୀ

ଅଭିଯୋଗ ଶୁଣାଣିର ତାରିଖ ସମ୍ବାଦପତ୍ର ମାଧ୍ୟମରେ ସୂଚନା ଦିଆଯିବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି ।

## ବାଚସ୍ପତି ସମ୍ମିଳନୀ

ସର୍ବଭାରତୀୟ ବାଚସ୍ପତି ସମ୍ମିଳନୀ ଆସନ୍ତାକାଲି ପୁରୀଠାରେ ଅନୁଷ୍ଠିତ ହେବ । ମହାରାଷ୍ଟ୍ର ବିଧାନସଭା ବାଚସ୍ପତି ରାହୁଲ ସୁରେଶ ନରୱେକରଙ୍କ ଅଧ୍ୟକ୍ଷତା ଏବଂ ଓଡ଼ିଶା ବିଧାନସଭାର ବାଚସ୍ପତି ସୁରମା ପାଢ଼ୀଙ୍କ ତତ୍ତ୍ୱାବଧାନରେ ଏହି ସମ୍ମିଳନୀ ଆୟୋଜିତ ହେବ । ବାଚସ୍ପତିଙ୍କ ଭୂମିକା ସମ୍ପର୍କିତ ଆଲୋଚନା ନେଇ ଆୟୋଜିତ ହେବାକୁ ଥିବା ଏହି ସମ୍ମିଳନୀରେ ଓଡ଼ିଶା ସମେତ କର୍ଣ୍ଣାଟକ, ନାଗାଲାଣ୍ଡ ବିଧାନସଭାର ବାଚସ୍ପତି ଯୋଗଦେବେ । ସମ୍ବିଧାନର ଦଶମ ସୂଚୀ ଅନୁଯାୟୀ ଦଳବଦଳ ବିରୋଧ ଆଇନ୍‌ର ପ୍ରାସଙ୍ଗିକତା ଏବଂ ଏହାର କାର୍ଯ୍ୟାନ୍ୱୟନ ନେଇ ସମ୍ମିଳନୀରେ ବିସ୍ତୃତ ଆଲୋଚନା ହେବ ।

## ଗ୍ରୀଷ୍ମପ୍ରବାହ-ସ୍କୁଲ ଛୁଟି

ରାଜ୍ୟରେ ଗ୍ରୀଷ୍ମପ୍ରବାହ ଜାରି ରହିଛି । ଗତକାଲି ରାଜ୍ୟର ୧୪ଟି ସହରର ତାପମାତ୍ରା ୪୦ଡିଗ୍ରୀ ସେଲସିୟସ ଉପରେ ରହିଥିଲା । ସର୍ବାଧିକ ତାପମାତ୍ରା ୪୩ ଦଶମିକ ୩ ଡିଗ୍ରୀ ସେଲସିୟସ ଝାରସୁଗୁଡାଠାରେ ରେକର୍ଡ କରାଯାଇଥିଲା । ଆସନ୍ତା ସପ୍ତାହେ ପର୍ଯ୍ୟନ୍ତ ଏଭଳି ପରିସ୍ଥିତି ଲାଗିରହିବ ବୋଲି ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ଆକଳନ କରିଛି ।

ଗ୍ରୀଷ୍ମପ୍ରକୋପକୁ ଦୃଷ୍ଟିରେ ରଖି ୧୨ଟି ଜିଲ୍ଲାର ଶିକ୍ଷାନୁଷ୍ଠାନ ବନ୍ଦ ରଖିବାକୁ ସଂପୃକ୍ତ ଜିଲ୍ଲା ପ୍ରଶାସନ ନିଷ୍ପତ୍ତି ନେଇଛି । ଅଧିକାଂଶ ଜିଲ୍ଲାରେ ୨୩ତାରିଖ ପର୍ଯ୍ୟନ୍ତ ଶିକ୍ଷାନୁଷ୍ଠାନ ଛୁଟି ଘୋଷଣା କରାଯାଇଥିବାବେଳେ କେତେକ ଜିଲ୍ଲାରେ ଆସନ୍ତାକାଲି କିମ୍ବା ବୁଧବାର ପର୍ଯ୍ୟନ୍ତ ଛୁଟି ଘୋଷଣା ହୋଇଛି ।

# ଗଣମାଧ୍ୟମ ପ୍ରତିନିଧି-ଓଡ଼ିଶା ଗସ୍ତ

୧୦ଟି ଦେଶର ସାମାଜିକ ଗଣମାଧ୍ୟମ ଇନ୍‌ଫ୍ଲୁଏନସର ଏବଂ କଣ୍ଟେଣ୍ଟ କ୍ରିଏଟରଙ୍କ ଏକ ପ୍ରତିନିଧି ମଣ୍ଡଳୀ ଓଡ଼ିଶା ଗସ୍ତ କରିଛନ୍ତି । ବୈଦେଶିକ ବ୍ୟାପାର ମନ୍ତ୍ରଣାଳୟ ଏବଂ ରାଜ୍ୟ ସରକାରଙ୍କ ସୂଚନା ଓ ଲୋକସମ୍ପର୍କ ବିଭାଗ ଆନୁକୂଲ୍ୟରେ ଏହି ପ୍ରତିନିଧି ମଣ୍ଡଳୀ ୧୬ରୁ ୧୯ ତାରିଖ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଅଞ୍ଚଳ ପରିଦର୍ଶନ କରିଛନ୍ତି ।

# ନାମଲେଖା ସମୟସୀମା ବୃଦ୍ଧି

ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଏବଂ ମାଇନିଂ ଆଦର୍ଶ ବିଦ୍ୟାଳୟଗୁଡ଼ିକରେ ଚଳିତ ଶିକ୍ଷାବର୍ଷ ପାଇଁ ନାମଲେଖା  ସମୟସୀମାକୁ ଆସନ୍ତାମାସ ୫ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ବିଭିନ୍ନ ବିଦ୍ୟାଳୟର ଅଧ୍ୟକ୍ଷଙ୍କ ଅନୁରୋଧ କ୍ରମେ ଷଷ୍ଠ, ସପ୍ତମ, ଅଷ୍ଟମ ଓ ନବମ ଶ୍ରେଣୀରେ ନାମଲେଖା ପାଇଁ ସମୟସୀମାକୁ ବୃଦ୍ଧି କରାଯାଇଥିବା ଜଣାପଡିଛି ।

# ପୋଷାକ ବଣ୍ଟନ

ନବରଙ୍ଗପୁର ଜିଲ୍ଲାରେ ଚଳିତ ଶିକ୍ଷାବର୍ଷ ପାଇଁ ଛାତ୍ରଛାତ୍ରୀ ସ୍କୁଲ ପୋଷାକ ବଣ୍ଟନ ନେଇ ପ୍ରକ୍ରିୟା ଆରମ୍ଭ ହୋଇଛି । ଗ୍ରୀଷ୍ମଅବକାଶ ସମୟରେ

ଜିଲ୍ଲାର ୧୦ଟି ବ୍ଲକର ମୋଟ୍ ୨ ଲକ୍ଷ ୩୪ହଜାର ଛାତ୍ରଛାତ୍ରୀଙ୍କୁ ପୋଷାକ ବଣ୍ଟନ କରାଯିବ । ଜିଲ୍ଲା ଶିକ୍ଷାବିଭାଗ ପକ୍ଷରୁ ଏଥିପାଇଁ ସଂପୃକ୍ତ ଅଧିକାରୀଙ୍କୁ ତାଲିକା ପ୍ରସ୍ତୁତ କରି ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଛି ।

# ଯମ୍ବୁଦ୍ୱିପ ମହୋତ୍ସବ

କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡା ବ୍ଲକ ଅନ୍ତର୍ଗତ ରାମନଗର ଗ୍ରାମଠାରେ ଅନୁଷ୍ଠିତ ଯମ୍ବୁଦ୍ୱିପ ମହୋତ୍ସବ ୨୦୨୬ ଓ ପଲ୍ଲିଶ୍ରୀ ମେଳା ଉଦ୍‌ଯାପିତ ହୋଇଛି । ଗ୍ରାମର ମା’ ଦରିଆ ରାମଚଣ୍ଡୀ ମନ୍ଦିର ପ୍ରାଙ୍ଗଣରେ ୫ ଦିନ ଧରି ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଉଦ୍‌ଯାପନୀ ସମାରୋହରେ ଜିଲ୍ଲା ଯୋଜନା ବୋର୍ଡ ଅଧକ୍ଷ ତଥା ବିଧାୟକ ଦୁଷ୍ମନ୍ତ ସ୍ୱାଇଁ ଯୋଗ ଦେଇଥିଲେ ।

# ଅର୍ଥନୈତିକ ଅଭିବୃଦ୍ଧି

ମଧ୍ୟପ୍ରାଚ୍ୟରେ ଯୁଦ୍ଧ ପରିସ୍ଥିତି ସତ୍ତ୍ୱେ ଚଳିତ ଆର୍ଥିକ ବର୍ଷରେ ଭାରତର ଅର୍ଥନୈତିକ ଅଭିବୃଦ୍ଧି ୬ ଦଶମିକ ୮ ପ୍ରତିଶତରୁ ୭ ଦଶମିକ ୧ ପ୍ରତିଶତ ମଧ୍ୟରେ ରହିବ ବୋଲି ଭାରତୀୟ ଷ୍ଟେଟ୍ ବ୍ୟାଙ୍କ ଗବେଷଣା ଶାଖା ପକ୍ଷରୁ ଆକଳନ କରାଯାଇଛି । ଦେଶର ଅର୍ଥନୈତିକ କାର୍ଯ୍ୟକଳାପ ସୁଦୃଢ଼ ରହିଛି । ଜଳବାୟୁରେ ଏଲ୍-ନିନୋର ପ୍ରଭାବ ଏବଂ ମୁଦ୍ରାସ୍ଫୀତି ହାର ୪ ଦଶମିକ ୫ ପ୍ରତିଶତ ପର୍ଯ୍ୟନ୍ତ ବୃଦ୍ଧି ଆଶଙ୍କା ସତ୍ତ୍ୱେ ଦେଶର ଅଭିବୃଦ୍ଧି ଉଲ୍ଲେଖନୀୟ ରହିବ ବୋଲି ଗବେଷଣା ଶାଖା ପକ୍ଷରୁ କୁହାଯାଇଛି ।